## ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡିଶା

### ଓଡିଆ ଚଳଚ୍ଚିତ୍ର 'ମେହେର ମୁଣ୍ଡା'କୁ  କରମୁକ୍ତ କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର ୦୯ ଜୁନ ୨୦୨୬

ବିଶିଷ୍ଟ ଚଳଚ୍ଚିତ୍ର ନିର୍ଦ୍ଦେଶକ ଶ୍ରୀ ନିକୁଞ୍ଜ ହୋତାଙ୍କ ଦ୍ୱାରା ନିର୍ଦ୍ଦେଶିତ ଓଡିଆ ଚଳଚ୍ଚିତ୍ର 'ମେହେର ମୁଣ୍ଡା'କୁ ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ କରମୁକ୍ତ ଘୋଷଣା କରିଛନ୍ତି। ଏ ସଂକ୍ରାନ୍ତୀୟ ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ଆଜି ଅନୁମୋଦନ କରିଛନ୍ତି ।

ସୂଚନାଯୋଗ୍ୟ ଯେ  ଓଡିଶାର ହସ୍ତତନ୍ତ ବୁଣାକାର ସଂପ୍ରଦାୟଙ୍କ ଜୀବନ, ସଂଘର୍ଷ, ସହନଶୀଳତା ଓ ସଫଳତା ଉପରେ ଆଧାରିତ ଏହି ଚଳଚ୍ଚିତ୍ର ୨୦୨୬ ମେ ୧୫ ତାରିଖରେ ମୁକ୍ତିଲାଭ କରିଛି। ଓଡିଶାର ମହାନ ପାରମ୍ପରିକ ଐତିହ୍ୟ ଓ କାରିଗରୀ କୌଶଳକୁ ଏହି ଚଳଚ୍ଚିତ୍ର ମାଧ୍ୟମରେ ନିଛକ ଭାବେ ପ୍ରଦର୍ଶିତ କରାଯାଇଥିବାରୁ ମୁଖ୍ୟମନ୍ତ୍ରୀ ଏହାକୁ କରମୁକ୍ତ କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି।

ଲିପକ ହରିଚନ୍ଦନ
ଲୋକସମ୍ପର୍କ ଅଧିକାରୀ